ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

News ID-IPR/IPR(Od)/456/ 04-08-2025

# ସ୍ୱାଧୀନତା ଦିବସ-୨୦୨୫ ପାଳନ ସଂପର୍କରେ
# ସୂଚନା ଓ ଲୋକସଂପର୍କ ବିଭାଗ ପକ୍ଷରୁ ପ୍ରସ୍ତୁତି ବୈଠକ

ଭୁବନେଶ୍ୱର, ତା.୦୪/୦୮/୨୦୨୫

ଚଳିତ ବର୍ଷ ୭୯ତମ ରାଜ୍ୟସ୍ତରୀୟ ସ୍ୱାଧୀନତା ଦିବସରେ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ମୋହନ ଚରଣ ମାଝୀ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଜାତୀୟ ପତାକା ଉତ୍ତୋଳନ କରିବେ ଓ ସମ୍ମିଳିତ ପ୍ୟାରେଡ୍‌ରେ ଅଭିବାଦନ ଗ୍ରହଣ କରିବେ ।

ଆଜି ଅପରାହ୍ଣରେ ସୂଚନା ଓ ଲୋକସଂପର୍କ ବିଭାଗ ପକ୍ଷରୁ ସ୍ୱାଧୀନତା ଦିବସ-୨୦୨୫ ପାଳନର ରୂପରେଖ ସଂପର୍କରେ ଏକ ପ୍ରସ୍ତୁତି ବୈଠକ ଅତିରିକ୍ତ ମୁଖ୍ୟ ଶାସନ ସଚିବ, ସୂଚନା ଓ ଲୋକସମ୍ପର୍କ ବିଭାଗ ଶ୍ରୀ ହେମନ୍ତ ଶର୍ମାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ସ୍ୱାଧୀନତା ଦିବସ ଆମ ସମସ୍ତଙ୍କ ପାଇଁ ଏକ ରାଷ୍ଟ୍ରୀୟ ଉତ୍ସବ ଓ ଗର୍ବର ପ୍ରତୀକ ହୋଇଥିବାରୁ ଉତ୍ସବ ଆୟୋଜନ ସମୟରେ ସମସ୍ତ ବିଷୟକୁ ଟିକିନିଖି ଭାବେ ଗୁରୁତ୍ୱ ଦେବାକୁ ଅତିରିକ୍ତ ମୁଖ୍ୟ ଶାସନ ସଚିବ ବୈଠକରେ ଗୁରୁତ୍ୱ ଦେଇଥିଲେ ।

ସୂଚନା ଓ ଲୋକସଂପର୍କ ବିଭାଗ ପକ୍ଷରୁ ସ୍ୱାଧୀନତା ଦିବସ ପୂର୍ବରୁ ଅଗଷ୍ଟ ୧୧ରୁ ୧୩ ତାରିଖ ପର୍ଯ୍ୟନ୍ତ ମହାତ୍ମା ଗାନ୍ଧୀ ମାର୍ଗଠାରେ ଅଭ୍ୟାସ ପ୍ୟାରେଡ୍‌ର ସୁପରିଚାଳନା କରାଯିବ । ଅଗଷ୍ଟ ୧୫ ତାରିଖ ଦିନ ରାଜ୍ୟସ୍ତରୀୟ ସ୍ୱାଧୀନତା ଦିବସ ଅବସରରେ ପ୍ୟାରେଡ୍ ଓ ପତାକା ଉତ୍ତୋଳନ ସ୍ଥାନଠାରେ ସମସ୍ତ ଆନୁଷଙ୍ଗିକ ବ୍ୟବସ୍ଥା ସହ ପ୍ରଭାତରେ ଡାକବାଜି ଯନ୍ତ୍ର ସାହାଯ୍ୟରେ ରାମଧୁନ ପରିବେଷଣ, ମୁଖ୍ୟ ମଞ୍ଚ ଓ ପ୍ୟାରେଡ୍ ସ୍ଥଳରେ ଡାକବାଜି ଯନ୍ତ୍ର ବ୍ୟବସ୍ଥା, ସ୍ୱାଧୀନତା ଦିବସ ଉତ୍ସବର ଟିଭି ଓ ସାମାଜିକ ଗଣମାଧ୍ୟମ ଯୋଗେ ସିଧା ପ୍ରସାରଣ, ଗଣମାଧ୍ୟମକୁ ସୂଚନା ପ୍ରଦାନ, ବିଶିଷ୍ଟ ଅତିଥି, ନିମନ୍ତ୍ରିତ ଅତିଥି ଓ ଗଣମାଧ୍ୟମ ପ୍ରତିନିଧିଙ୍କ ପାଇଁ ଉପବେଶନ ବ୍ୟବସ୍ଥା, ଉତ୍ସବସ୍ଥଳର ସାଜସଜ୍ଜା ନେଇ ବୈଠକରେ ବିସ୍ତୃତ ଆଲୋଚନା ହୋଇଥିଲା । ସାଧାରଣତନ୍ତ୍ର ଦିବସ-୨୦୨୫ରେ ଉତ୍ତମ ପ୍ରଦର୍ଶନ କରିଥିବା ପ୍ରଜ୍ଞାପନ ମେଢ଼ ଓ ପ୍ୟାରେଡ୍ ଦଳମାନଙ୍କୁ ମୁଖ୍ୟ ଅତିଥି ପୁରସ୍କୃତ କରିବେ । ସୂଚନା ଓ ଲୋକସମ୍ପର୍କ ବିଭାଗ ପକ୍ଷରୁ ପ୍ରକାଶିତ ଉତ୍କଳ ପ୍ରସଙ୍ଗ ଓ ଓଡ଼ିଶା ରିଭ୍ୟୁର ସ୍ୱତନ୍ତ୍ର ସଂଖ୍ୟାକୁ ଏହି ଅବସରରେ ମୁଖ୍ୟ ଅତିଥି ଉନ୍ମୋଚନ କରିବେ । ରାଜଭବନରୁ ଉତ୍ସବସ୍ଥଳ ପର୍ଯ୍ୟନ୍ତ ରାସ୍ତାକୁ ସୁସଜ୍ଜିତ କରାଯିବ । ଏଥି ସହ ଉତ୍ସବସ୍ଥଳକୁ ଆକର୍ଷଣୀୟ ସାଜସଜ୍ଜା କରିବା ପାଇଁ ଅତିରିକ୍ତ ମୁଖ୍ୟ ଶାସନ ସଚିବ ଶ୍ରୀ ଶର୍ମା ପରାମର୍ଶ ଦେଇଥିଲେ ।

ସୂଚନା ଓ ଲୋକସମ୍ପର୍କ ବିଭାଗ ପକ୍ଷରୁ ରାଜ୍ୟସ୍ତରୀୟ ସ୍ୱାଧୀନତା ଦିବସ ପାଇଁ ନିମନ୍ତ୍ରଣ ପତ୍ର ମୁଦ୍ରଣ ଓ ବଣ୍ଟନ ପାଇଁ ପଦକ୍ଷେପ ନିଆଯିବ । କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ବିଭିନ୍ନ କୋଠା, ସରକାରୀ ଉଦ୍ୟୋଗ ଓ ପ୍ରମୁଖ କୋଠାର ଆଲୋକୀକରଣ କରାଯିବ । ପୂର୍ବବର୍ଷ ପରି ନୂଆଦିଲ୍ଲୀ, କୋଲକାତା, ଚେନ୍ନାଇ, ମୁମ୍ବାଇଠାରେ ସ୍ୱାଧୀନତା ଦିବସ ଉତ୍ସବ ପାଳନ କରାଯିବ । ସେହିପରି ଆର୍‌ଡିସି ଜୋନ୍, ଜିଲ୍ଲା ଏବଂ ଉପଖଣ୍ଡ ସ୍ତରରେ ସ୍ୱାଧୀନତା ଦିବସ ମହାସମାରୋହରେ ପାଳନ କରାଯିବ ।

ଏହି ବୈଠକରେ ବିଭାଗୀୟ ନିର୍ଦ୍ଦେଶକ ଶ୍ରୀ ଅନୁଜ କୁମାର ଦାସ ପଟ୍ଟନାୟକ, ଅତିରିକ୍ତ ଶାସନ ସଚିବ ଶ୍ରୀମତୀ ବିଷ୍ଣୁପ୍ରିୟା ସାହୁ,  ଉପ ନିର୍ଦ୍ଦେଶକ(କ୍ଷେତ୍ର) ଶ୍ରୀମତୀ ସୁଚେତା ପ୍ରିୟଦର୍ଶିନୀ, ବିତ୍ତ ପରାମର୍ଶଦାତା ଶ୍ରୀ ପୃଥ୍ୱୀରାଜ ପାଣିଙ୍କ ସମେତ ବିଭାଗୀୟ ଅଧିକାରୀମାନେ ଉପସ୍ଥିତ ଥିଲେ ।

ପ୍ରମୋଦିନୀ ଟେଟେ
ସୂଚନା ଅଧିକାରୀ